ଜନ ଓଡ଼ିଶା

# ଫକୀରମୋହନ ବିଶ୍ୱବିଦ୍ୟାଳୟରେ ମନ୍ମଥନାଥ ଦାସଙ୍କ ଜନ୍ମ ଶତବାର୍ଷିକୀ




**ଓଡିଆ ବାର୍ତ୍ତା/ ବାଲେଶ୍ୱର (କୃଷ୍ଣ କୁମାର ମହାନ୍ତି):**

ଫକୀରମୋହନ ବିଶ୍ୱବିଦ୍ୟାଳୟ ଓ ସାହିତ୍ୟ ଏକାଡେମୀ ର ମିଳିତ ଆନୁକୂଲ୍ୟରେ ଜାତୀୟ ତଥା ଆନ୍ତର୍ଜାତୀୟ ଖ୍ୟାତିସମ୍ପନ୍ନ ଐତିହାସିକ, ସାହିତ୍ୟିକ ଓ ବିଶିଷ୍ଟ ଶିକ୍ଷାବିତ ମନ୍ମଥନାଥ ଦାସଙ୍କ ଜନ୍ମ ଶତବାର୍ଷିକୀ ଫକୀରମୋହନ ବିଶ୍ୱବିଦ୍ୟାଳୟରେ ପାଳିତ ହୋଇଯାଇଛି। ବିଶ୍ୱବିଦ୍ୟାଳୟର କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀଙ୍କ ଦ୍ୱାରା ଏହି କାର୍ଯ୍ୟକ୍ରମକୁ ଉଦଘାଟିତ କରିଥିଲେ। ଏହି ଅବସରରେ ସମ୍ମାନୀତ ଅତିଥି ଭାବେ ମନ୍ମଥନାଥ ଦାସଙ୍କ ବୋହୂ ରଞ୍ଜିତା ଦାସ ଯୋଗଦେଇ, ଫକୀରମୋହନ ବିଶ୍ୱବିଦ୍ୟାଳୟ ତଥା ସାହିତ୍ୟ ଏକାଡେମୀ ର ମିଳିତ ପ୍ରୟାସ କୁ ଧନ୍ୟବାଦ ଜ୍ଞାପନ ସହ ମନ୍ମଥନାଥ ଦାସଙ୍କ ପ୍ରତି ଏହି ସମ୍ମାନାସ୍ପଦ କାର୍ଯ୍ୟକ୍ରମ ଆୟୋଜନକୁ ନେଇ ଭାବାବେଗ ସହ ନିଜ ଅଭିଭାଷଣ ପ୍ରଦାନ କରିଥିଲେ। ସଭାମୁଖ୍ୟ ରୂପେ ସାହିତ୍ୟ ଏକାଡେମୀ ର ଓଡ଼ିଆ ଉପଦେଷ୍ଟା ପରିଷଦର ଆବାହକ ଗୌରହରି ଦାସ ଯୋଗଦେଇ ମନ୍ମଥନାଥଙ୍କ ରଚିତ ପୁସ୍ତକ ଗୁଡ଼ିକ ଉପରେ ଆଲୋକପାତ କରିଥିଲେ। ଐତିହାସିକ ଭାବେ ତାଙ୍କ ଜୀବନୀ, ଦର୍ଶନ ଓ ସାହିତ୍ୟ ସାଧନାର ଉଦାହରଣ ଓ ସ୍ମୃତି-ଅନୁଭୂତି ଗୁଡ଼ିକୁ ନିଜ ଉଦବୋଧନରେ ଉଲ୍ଲେଖ କରିଥିଲେ। ଏହାସହିତ ମୁଖ୍ୟବକ୍ତା ଭାବେ ବିଶିଷ୍ଟ ଐତିହାସିକ ଖାରବେଳ ମହାନ୍ତି ଯୋଗଦେଇ ମନ୍ମଥନାଥ ଦାସଙ୍କ ସଂପର୍କିତ ଅନେକ ମୂଲ୍ୟବାନ ସଂଯୋଗିକ ପ୍ରସଙ୍ଗମାନ ଉପସ୍ଥାପନ କରିଥିଲେ। ସେ ମନ୍ମଥନାଥଙ୍କୁ ଏକାଧାରରେ ଜଣେ ଶିକ୍ଷକ, ସାହିତ୍ୟିକ, ମାନବବାଦୀ ଐତିହାସିକ ବୋଲି ସମ୍ବୋଧନ କରିଥିଲେ।

ବିଶ୍ୱ ଇତିହାସ ପୃଷ୍ଠାରେ ମନ୍ମଥନାଥଙ୍କ ଅବଦାନକୁ ସେ ଅତ୍ୟନ୍ତ ଗଭୀର ଓ ତଥ୍ୟସଂପର୍ଣ୍ଣ ଭାବେ ବ୍ୟାଖ୍ୟା କରିଥିଲେ। ଉତ୍ତମ ସାହିତ୍ୟ ବିନା, ଉତ୍କୋଟୀର ଇତିହାସ ଲେଖାଯାଇପାରିବ ନାହିଁ ବୋଲି ମତବ୍ୟକ୍ତ କରିଥିଲେ। ଏହି ଅବସରରେ କୁଳପତି ପ୍ରଫେସର ସନ୍ତୋଷ କୁମାର ତ୍ରିପାଠୀ, ମନ୍ମଥନାଥଙ୍କୁ ରାଜ୍ୟ, ଦେଶ ତଥା ବିଶ୍ୱର ଜଣେ ଯୋଗଜନ୍ମା ପୁରୁଷ କହି ସମ୍ବୋଧନ କରିବା ସହ ସେ ଶୈକ୍ଷିକ ଜଗତର ଜଣେ ସୂର୍ଯ୍ୟୋଦୟ ଥିଲେ ବୋଲି ମତବ୍ୟକ୍ତ କରିଥିଲେ। ଏଥିସହ ଗୁରୁଙ୍କୁ ଶ୍ରଦ୍ଧାଞ୍ଜଳୀ ଜ୍ଞାପନ କରି ମନ୍ମଥନାଥ ଜଣେ ସ୍ୱାଭିମାନୀ ତଥା ନିର୍ଭୀକ ଆଦର୍ଶର ପ୍ରତିବିମ୍ବ ସଦୃଶ ବୋଲି ପ୍ରକାଶ କରିଥିଲେ। ଏହି କାର୍ଯ୍ୟକ୍ରମର ଦୁଇଟି ବୈଷୟିକ ଅଧିବେଶନରେ ଦାଶ ବେଣୁଧର, ଅଭିରାମ ବିଶ୍ୱାଳ, ରୁଦ୍ରାଣୀ ମହାନ୍ତି , ସହଦେବ ସାହୁ, ଅଶୋକ ପଟ୍ଟନାୟକ, କୃଷ୍ଣଚନ୍ଦ୍ର ପ୍ରଧାନ, ଲକ୍ଷ୍ମୀକାନ୍ତ ତ୍ରିପାଠୀ, ପ୍ରହ୍ଲାଦ ସିଂହ ପ୍ରମୁଖ ଯୋଗଦେଇ ମନ୍ମଥନାଥଙ୍କ ସଂପର୍କରେ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମର ଉଦଘାଟନୀ ସଭାରେ ସାହିତ୍ୟ ଏକାଡେମୀ-କୋଲକାତା ର ଭାରପ୍ରାପ୍ତ ଅଧିକାରୀ କ୍ଷେତ୍ରବାସୀ ନାଏକ ଉପସ୍ଥିତ ହୋଇ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ ଭାଷା ଓ ସାହିତ୍ୟ ବିଭାଗର ମୁଖ୍ୟ ପ୍ରଫେସର ଦେବାଶିଷ ପାତ୍ର ସଂଚାଳନା କରିଥିଲେ ଓ ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ। ଏଥିସହିତ ବିଶ୍ୱବିଦ୍ୟାଳୟ ପରିସରରେ ସାହିତ୍ୟ ଏକାଡେମୀ ପକ୍ଷରୁ ପ୍ରକାଶିତ ଅନେକ ପୁସ୍ତକର ପ୍ରଦର୍ଶନ ସହ ବିକ୍ରୟର ମଧ୍ୟ ଆୟୋଜନ କରାଯାଇଥିଲା। ବୈଷୟିକ ଅଧିବେଶନରେ ଶେଷରେ, ଭାଷା ଓ ସାହିତ୍ୟ ବିଭାଗର ଆସିଷ୍ଟାଣ୍ଟ ପ୍ରଫେସର ଡକ୍ଟର ଜୟନ୍ତ କୁମାର ଦାସ ଓ ଡକ୍ଟର ପ୍ରହ୍ଲାଦ ଝିଲ ଧନ୍ୟବାଦ ଅର୍ପଣ କରିଥିଲେ।